OPPO Reno7 5G
2023.05.18 17:51

ପ୍ରେସ୍ ନୋଟ୍

## ଅନୁଗୋଳ ପୌରପାଳିକା ଅନ୍ତର୍ଗତ ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ ଓ ଯୋଜନାର ସମୀକ୍ଷା

ଅନୁଗୋଳ,ତା.୧୮.୦୫: - ଆଜି ପୂର୍ବାହ୍ନରେ ସର୍କିଟ ହାଉସ ସମ୍ମିଳନୀ କକ୍ଷ ଠାରେ ଅନୁଗୋଳ ପୌରପାଳିକା ଅନ୍ତର୍ଗତ ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ ଓ ଯୋଜନାର ସମୀକ୍ଷା ବୈଠକ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ ଅନୁଗୋଳ ବିଧାୟକ ତଥା ଓଡିଶା ବିଧାନ ସଭାର ଉପବାଚସ୍ପତି ଶ୍ରୀ ରଜନୀକାନ୍ତ ସିଂହ ଯୋଗ ଦେଇ ଅନୁଗୋଳ ପୌରପାଳିକା, ଜିଲ୍ଲା ସହରାଞ୍ଚଳ ବିକାଶ ସଂସ୍ଥା (DUDA) ଓ ଅନ୍ୟାନ୍ୟ ଜିଲ୍ଲା ସ୍ତରୀୟ ବିଭାଗ ଦ୍ୱାରା କାର୍ଯ୍ୟାନ୍ୱିତ ହେଉଥିବା ବିଭିନ୍ନ ବିକାଶମୂଳକ କାର୍ଯ୍ୟର ସମୀକ୍ଷା କରିଥିଲେ । ଅସଂପୂର୍ଣ୍ଣ କାର୍ଯ୍ୟ ଗୁଡିକ ଧାର୍ଯ୍ୟ ସମୟ ଭିତରେ ସମ୍ପୁର୍ଣ୍ଣ କରିବା ପାଇଁ ସମ୍ପୃକ୍ତ ବିଭାଗୀୟ ଅଧିକାରୀମାନଙ୍କୁ ସେ ନିର୍ଦ୍ଦେଶ ଦେଇଥିଲେ । ଉକ୍ତ ବୈଠକରେ ମୁଖ୍ୟତଃ ସ୍ୱାସ୍ଥ୍ୟ, ଜଳ ଯୋଗାଣ,ପୂର୍ତ୍ତ ଓ ଗୃହ ନିର୍ମାଣ , ବିଦ୍ୟୁତ୍,ମହିଳା ଓ ଶିଶୁ ବିକାଶ,ମିଶନ ଶକ୍ତି ଓ ସହରାଞ୍ଚଳ ବିକାଶ ଯୋଜନା ଅନ୍ତର୍ଭୁକ୍ତ କାର୍ଯ୍ୟକ୍ରମ ଉପରେ ପୁଂଖାନୁପୁଖ ଭାବେ ଆଲୋଚନା କରି ଯୋଜନା ଗୁଡିକର ସମ୍ପୂର୍ଣ୍ଣ ରୁପରେଖ ପାଇଁ ଥିବା ସମସ୍ୟାକୁ ତୁରନ୍ତ ଦୂର କରିବା ଉପରେ ଗୁରୁତ୍ୱାରୋପ କରିଥିଲେ । ସହରାଞ୍ଚଳର ବସ୍ତି ବାସିନ୍ଦାମାନଙ୍କୁ ଜାଗା ମିଶନ ମାଧ୍ୟମରେ ପଟ୍ଟା ଯୋଗାଇ ଦେବା, ଆବାସ ଯୋଜନା ମାଧ୍ୟମରେ ପକ୍କା ଗୃହ ଯୋଗାଇ ଦେବା ଏବଂ ରାସ୍ତା ଘାଟ, ପାନୀୟ ଜଳ ଓ ବିଦ୍ୟୁତ୍ ସଂଯୋଗ ଉପରେ ଗୁରୁତ୍ୱାରୋପ କରିଥିଲେ । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅନୁଗୋଳ ପୌରପାଳିକାର ନିର୍ବାହୀ ଅଧିକାରୀ ଶ୍ରୀ ଗିରିଜା ଶଙ୍କର ମଲ୍ଲିକ, ଜିଲ୍ଲା ସହରାଞ୍ଚଳ ବିକାଶ ସଂସ୍ଥା (DUDA)ର ଟିମ୍ ଲିଡର ଶ୍ରୀ ଜିତେନ୍ଦ୍ର ସାହୁ,ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀଙ୍କ ସମେତ ସମସ୍ତ ଜିଲ୍ଲା ସ୍ତରୀୟ ବିଭାଗୀୟ ଅଧିକାରୀ ପ୍ରମୁଖ ଯୋଗଦାନ କରିଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା-347 ତା.୧୮.୦୫.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


OPPO Reno7 5G
2023.05.18 13:29


OPPO Reno7 5G
2023.05.18 13:22